## APPENDIX A TO SCHEDULE III

# ବଡ଼ବିଲ ପୌର ପରିଷଦ , ବଡ଼ବିଲ

## ପ୍ରେସ ବିଜ୍ଞପ୍ତି

ବଡ଼ବିଲ ପୌର ପରିଷଦର ନିର୍ବାଚନ ନିମନ୍ତେ ଭୋଟର ତାଲିକା ପ୍ରସ୍ତୁତି ପାଇଁ ରାଜ୍ୟ ନିର୍ବାଚନ କମିଶନ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ଜାନୁଆରୀ ୨୦୨୨ରେ ପ୍ରକାଶିତ ବିଧାନ ସଭା ଭୋଟର ତାଲିକାକୁ ଭିତ୍ତିକରି ପ୍ରାଥମିକ ଭୋଟର ତାଲିକା ବଡ଼ବିଲ ପୌର ପରିଷଦ କାର୍ଯ୍ୟାଳୟରେ ପ୍ରକାଶନ କରାଯାଇଛି ଏବଂ ସର୍ବସାଧାରଣଙ୍କ ପରିଦର୍ଶନ ପାଇଁ ଉକ୍ତ ଭୋଟର ତାଲିକା ବଡ଼ବିଲ ପୌର ପରିଷଦ କାର୍ଯ୍ୟାଳୟରେ **ତା.୧୧.୦୨.୨୦୨୨ ରିଖ ରୁ ତ.୧୫.୦୨.୨୦୨୨ ରିଖ** ପର୍ଯ୍ୟନ୍ତ ଉନ୍ମୁକ୍ତ ରହିବ । ଭୋଟରମାନଙ୍କୁ ଜଣାଇ ଦିଆଯାଇଛି ଯେ, ତାଙ୍କର ନାମ ସମ୍ପୃକ୍ତ ୱାର୍ଡରେ ଠିକ ଭାବେ ଭୋଟର ତାଲିକାଭୁକ୍ତ ହୋଇଛି କି ନାହିଁ ତନଖି କରିନିଅନ୍ତୁ । ଯଦି କୌଣସି ଭୋଟରଙ୍କ ନାମ ବିଧାନ ସଭା ଭୋଟର ତାଲିକାଭୁକ୍ତ ଥାଇ ୱାର୍ଡୱାରୀ ପ୍ରସ୍ତୁତ ହୋଇଥିବା ପୌର ପରିଷଦ ଭୋଟର ତାଲିକାରେ ସ୍ଥାନ ପାଇ ନ ଥାଏ ତେବେ ଭୋଟର ତାଲିକାରେ ନାମ ଅନ୍ତର୍ଭୁକ୍ତ, ସଂଶୋଧନ କରିବା ପାଇଁ **ଫାରମ ନଂ III** ରେ ଦରଖାସ୍ତ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ **ତା.୧୧.୦୨.୨୦୨୨ ରିଖ ରୁ ତ.୧୬.୦୨.୨୦୨୨ ରିଖ** ମଧ୍ୟରେ ଦାଖଲ କରିପାରିବେ ଏବଂ ଯେଉଁମାନଙ୍କର ନାମ ଭୁଲ ୱାର୍ଡରେ ଅନ୍ତର୍ଭୁକ୍ତ ହୋଇଥିବ ସେମାନେ ମଧ୍ୟ ସଂଶୋଧନ ପାଇଁ **ଫାରମ ନଂ IV** ରେ ଦରଖାସ୍ତ **ତା.୧୧.୦୨.୨୦୨୨ ରିଖ ରୁ ତ.୧୬.୦୨.୨୦୨୨** ରିଖ ମଧ୍ୟରେ ଦାଖଲ କରିପାରିବେ । ପ୍ରାଥମିକ ଭୋଟର ତାଲିକାରେ ଅନ୍ତର୍ଭୁକ୍ତ ହୋଇଥିବା କୌଣସି ଭୋଟରଙ୍କର ନାମ ସମ୍ପର୍କରେ ଆପତ୍ତି **ଫାରମ ନଂ IV** ରେ ଉପରୋକ୍ତ ତାରିଖ ମଧ୍ୟରେ ଦାଖଲ କରିପାରିବେ । **ଫାରମ ନଂ III ଓ ଫାରମ ନଂ IV** ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ ବିନା ମୂଲ୍ୟରେ ମିଳିପାରିବ । ଯଦି ନିର୍ଦ୍ଧାରିତ ଛପା ଫାରମ ନ ମିଳେ, ତେବେ ତାହାର ଅବିକଳ ନକଲ ହାତରେ ଲେଖି ଅଥବା ଟାଇପ, ଫଟୋକପି କିମ୍ବା ସାଇକ୍ଲୋଷ୍ଟାଇଲ କରି ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଦାଖଲ କରିପାରିବେ ।

ନିର୍ବାଚନ ଅଧିକାରୀ,
ବଡ଼ବିଲ ପୌରପାଳିକା